## ଆଜି ଅନୁଗୋଳ ଜିଲ୍ଲାରୁ ୫୭ ଜଣ କରୋନା ପଜିଟିଭ ଚିହ୍ନଟ -

### ପଜିଟିଭ ସଂଖ୍ୟା ୧୦୨୮୭ରେ ପହଞ୍ଚିଲା - ସୁସ୍ଥ ହେଲେ ୮୪ ଜଣ ।

ଆଜି ଅନୁଗୋଳ ଜିଲ୍ଲାରୁ ୫୭ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଙ୍କ ମଧ୍ୟରୁ ୨ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଙ୍କ ସଂଖ୍ୟା ୧୭୧ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ଅନୁଗୋଳ ପୌରାଞ୍ଚଳରୁ ୧୨ଜଣ ( ୧୦ଜଣ ପୁରୁଷ ଓ ୨ଜଣ ମହିଳା), ବଣ୍ଟରପାଳ ବ୍ଲକ୍ ଅଂଚଳରୁ ୧୨ଜଣ (୭ ଜଣ ପୁରୁଷ ଓ ୫ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୮ଜଣ (୩ ଜଣ ପୁରୁଷ ଓ ୫ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୭ଜଣ ( ୩ଜଣ ପୁରୁଷ ଓ ୪ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୬ଜଣ ( ୪ଜଣ ପୁରୁଷ ଓ ୨ ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୭ଜଣ ( ୪ଜଣ ପୁରୁଷ ଓ ୩ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୨ଜଣ ( ୧ଜଣ ପୁରୁଷ ଓ ୧ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୨ଜଣ ( ୧ଜଣ ପୁରୁଷ ଓ ୧ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ମହିଳା) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୮୪ଜଣ ସୁସ୍ଥ ହୋଇଛନ୍ତି । ସେମାନଙ୍କ ମଧ୍ୟରେ ୭ଜଣ କୋଭିଡ ହସପିଟାଲରୁ ଓ ୭୭ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୭୫୪ ତା.୧୮.୧୧.୨୦୨୦ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ।

୧୮.୧୧.୨୦୨୦

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ